## କୃଷି ସୂଚନା ସେବା (ଧାନ)
## ଭା.କୃ.ଅନୁ.ପ.-ଜାତୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ-୭୫୩୦୦୬

**ସ୍ୱାସ୍ଥ୍ୟ ଏବଂ ପରିବାର କଲ୍ୟାଣ ମନ୍ତ୍ରାଳୟ ଦ୍ୱାରା ସୂଚିତ କୋଭିଡ୍-୧୯ ର ସମସ୍ତ ନିୟମାବଳୀ ଓ ସାଧାରଣ ସତର୍କତା ବ୍ୟବସ୍ଥା ଅନୁଯାୟୀ କୃଷି କାର୍ଯ୍ୟ କରିବା ପାଇଁ ପରାମର୍ଶ**

### ୨୦୨୧ ମସିହା ଫେବୃୟାରୀ ମାସ ପ୍ରଥମ ପକ୍ଷ ପାଇଁ କାର୍ଯ୍ୟପନ୍ଥା :

### (୧) ଶାରଦ ଧାନ

- ଚାଷୀମାନଙ୍କୁ ଉପଦେଶ ଦିଆଯାଉଛି କି, ଧାନ ବିଲରେ ଥିବା ଧାନ ଗଛର ଅବଶିଷ୍ଟାଂଶ କୁ ପୋଡନ୍ତୁ ନାହିଁ ।
- ଅମଳ ପରେ ଧାନକୁ ଭଲଭାବରେ ଶୁଖାଇ ବିହନ ପାଇଁ  ଶତକଡା ୧୨ ଭାଗ ଆର୍ଦ୍ରତା ଓ ଖାଦ୍ୟ ଉପଯୋଗୀ ପାଇଁ ଶତକଡା ୧୪ ଭାଗ ଜଳୀୟ ଅଂଶ ଥିବା ଅବସ୍ଥାରେ ସାଇତି ରଖିବା ଆବଶ୍ୟକ । ପ୍ରତ୍ୟେକ ଧାନ କିସମକୁ ଅଲଗା ଅଲଗା ଧାନ ବସ୍ତାରେ ସାଇତି ରଖନ୍ତୁ ।
- ଧାନ/ଚାଉଳ ଠିକ୍‌ଭାବେ ଶୁଖିଯିବାପରେ କିସମ ଅନୁସାରେ  ଅଲଗା ଅଲଗା କରି ବଜାରରେ ମିଳୁଥିବା 'ସୁପର ଗ୍ରେନ ବସ୍ତା' ରେ ସାଇତି ରଖିଲେ ଧାନ କିମ୍ବା ଚାଉଳ ଅଧିକ ଦିନ ପର୍ଯ୍ୟନ୍ତ ସୁରକ୍ଷିତ ରଖାଯାଇପାରିବ ।
- ଧାନ ସାଇତି ରଖିଥିବା ବସ୍ତା ବା କୋଠାରୀରେ ପୋକ ଦେଖାଦେଲେ ଆଲୁମିନିୟମ୍ ଫସ୍‌ଫାଇଡ୍ ଟାବ୍‌ଲେଟ୍ ଏକ ଟନ୍ ଧାନ ପିଛା ୩ଟି ଟାବ୍‌ଲେଟ୍ (ସମୁଦାୟ ୯ ଗ୍ରାମ୍ ଟାବ୍‌ଲେଟ୍) କନାରେ ଗୁଡାଇ ରଖନ୍ତୁ । ଏହା ଉପରେ ଭଲଭାବେ ତାର୍‌ପୋଲିନ୍ ଘୋଡାଇ ଦିଅନ୍ତୁ ଯେପରିକି କିଛି ଫାଙ୍କା ବାଟ ନ ରୁହେ । କୋଠରୀର ସନ୍ଧି ଜାଗା କିମ୍ବା କବାଟ ତଳ ଫାଙ୍କ ଜାଗା ଓ ତାରପୋଲିନ୍‌ର ଚାରିପଟେ କାଦୁଅ କିମ୍ବା ସେଲୋଟେପ୍ ଦେଇ ଭଲରେ ବନ୍ଦ କରନ୍ତୁ, ଯେପରିକି ବାଷ୍ପ ବାହାରକୁ ନ ଆସେ । ୭ ରୁ ୧୦ ଦିନ ପର୍ଯ୍ୟନ୍ତ କୋଠାରୀ ବା ବସ୍ତାର ମୁହଁ ଭଲଭାବରେ ବନ୍ଦ ରଖନ୍ତୁ । ଲୋକ ବସବାସ କରୁଥିବା ଜାଗାରେ ଏଭଳି ଔଷଧ ପ୍ରୟୋଗ କରନ୍ତୁ ନାହିଁ ।

### (୨.୧) ରୁଆ ଧାନ

### ତଳିଘେରା :

- ଯଦି ଉକୁଣିଆ ପୋକ ଦେଖାଯାଏ, ତେବେ ଏକର ପ୍ରତି ଆଜାଡିରାକ୍ଟିନ୍  ୮୦୦ ମି.ଲି. କିମ୍ବା ଲାମ୍ବଡା ସାଇହାଲୋଥ୍ରିନ୍ ୨୦୦ ମି.ଲି. କିମ୍ବା ଥାଇମିଥୋକ୍ସାମ୍ ୨୫% ଡବ୍ଲ୍ୟୁ.ଜି. ୪୦ ଗ୍ରାମ୍ ପ୍ରୟୋଗ କରନ୍ତୁ ।
- ଧାନ ତଳିରେ ପତ୍ରପୋଡା ରୋଗ ଦେଖାଗଲେ କାର୍ବାଣ୍ଡେଜିମ୍  ୨ ଗ୍ରାମ୍ କିମ୍ବା ପ୍ରୋପିକୋନାଜୋଲ୍ ୧ ମି.ଲି.୧ ଲିଟର ପାଣିରେ ମିଶାଇ ପ୍ରୟୋଗ କରନ୍ତୁ ।

### ମୁଖ୍ୟ ଜମିରେ ତଳିରୁଆ ବାକିଥିଲେ

- ରୁଆ ବାକିଥିବା ତାଲୁଅ ଜମିରେ ରୋପଣ କାର୍ଯ୍ୟ ଶେଷ କରିଦିଅନ୍ତୁ ।
- ଧାନ ତଳିକୁ ବୁଦା ପ୍ରତି ୩ ରୁ ୪ ଟି ହିସାବରେ ୧୫ X ୧୫ ସେ.ମି. ବ୍ୟବଧାନରେ  ସିଧାଭାବରେ ଓ ଅଳ୍ପ ଗଭୀରରେ ରୋଇବା ଉଚିତ୍ ।
- ପତ୍ରପୋଡା ରୋଗ ପ୍ରାର୍ଦୁଭାବ ଅଞ୍ଚଳରେ ତଳି ମୂଳକୁ ୦.୧% ପ୍ଲାଣ୍ଟୋମାଇସିନ୍ ଦ୍ରବଣରେ ୩୦ ମିନିଟ୍ ପର୍ଯ୍ୟନ୍ତ ବୁଡାଇ ରୋପଣ କରନ୍ତୁ ।
- ଡି.ଏ.ପି. ୪୪ କି.ଗ୍ରା. + ଏମ.ଓ.ପି. ୨୨ କି.ଗ୍ରା. କିମ୍ବା ୟୁରିଆ ୨୨ କି.ଗ୍ରା.+ଏସ୍.ଏସ୍.ପି. ୧୨୫ କି.ଗ୍ରା. + ଏମ୍.ଓ.ପି. ୨୨ କି.ଗ୍ରା. ଶେଷଥର କାଦୁଅ କରିବା ସମୟରେ ମୂଳସାର ଭାବେ ବ୍ୟବହାର କରନ୍ତୁ ।

## ମୁଖ୍ୟ ଜମିରେ ତଳିରୁଆ ସରିଯାଇଥିଲେ

- ରୁଆ ଧାନରେ ବାଲୁଙ୍ଗା ଦମନ ପାଇଁ ବେନ୍‌ସଲଫ୍ୟୁରାନ୍ ମିଥାଇଲ୍ ସହିତ ପ୍ରେଟିଲାକ୍ଲୋର (ଲୋଣ୍ଡାକ୍ସ ପାଓ୍ଵାର / ଇରେଜ୍ ଷ୍ଟ୍ରଙ୍ଗ) ପ୍ରତି ଏକର ପିଛା ୪ କି.ଗ୍ରା. ହିସାବରେ ରୋଇବାର ୫-୧୦ ଦିନ ପରେ ପ୍ରୟୋଗ କରନ୍ତୁ । ଏହା ଦାନାଦାର ହୋଇଥିବାରୁ ଏହା ସହିତ ପ୍ରତି ଏକର ପିଛା ୪ କି.ଗ୍ରା. ବାଲି ମିଶାଇ ବିଲରେ ସମାନ କରି ପ୍ରୟୋଗ କରନ୍ତୁ **କିମ୍ବା** ଧାନ ରୋଇବାର ୩ ରୁ ୫ ଦିନ ରେ ପାଇରାଜୋସଲଫ୍ୟୁରାନ୍-ଇଥାଇଲ ୧୦ % ଡବ୍ଲ୍ୟୁ.ପି. (ସାଥି) ଏକର ପିଛା ୮୦ ଗ୍ରାମ୍ ପ୍ରୟୋଗ କରନ୍ତୁ ନତୁବା ବିସ୍‌ପାଇରିବାକ୍ ସୋଡିୟମ୍ (ନୋମିନି ଗୋଲ୍ଡ) ୧୨୦ ମି.ଲି. ୧୪୦ ଲିଟର ପାଣିରେ ମିଶାଇ ଧାନ ରୋଇବାର ୧୦ ରୁ ୧୨ ଦିନ ପରେ **କିମ୍ବା** ୨ ରୁ ୩ ପତ୍ର ହୋଇଥିବା ଅବସ୍ଥାରେ ସିଞ୍ଚନ କରନ୍ତୁ ।
- କାଣ୍ଡବିନ୍ଧା ପୋକର ନିରୀକ୍ଷଣ ପାଇଁ ଏକର ପ୍ରତି ୩ ଗୋଟି ଯୌନ ସମେଦନଶୀଳ ଯନ୍ତା ରଖନ୍ତୁ । ଯେତେବେଳେ ଗୋଟିଏ ଦିନରେ ଯନ୍ତା ପ୍ରତି ୪ ରୁ ୫ ପୁରୁଷ ପ୍ରଜାପତି ପଡିବେ, ତେବେ ଏକର ପିଛା ନିମ୍ବ ମଞ୍ଜିରୁ ତିଆରି ଔଷଧ ଯଥା ଆଜାଡିରାକ୍ଟିନ୍ ୦.୧୫% ୮୦୦ ମି.ଲି. ଔଷଧ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ କିମ୍ବା କ୍ଲୋରାନ୍‌ଟ୍ରାନିଲିପ୍ରୋଲ ୪% ଜି.ଆର୍ ୪ କେ.ଜି **କିମ୍ବା** କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ୍ ୪ ଜି. ୧୦ କି.ଗ୍ରା. ସମାନ ପରିମାଣର ଶୁଖିଲା ବାଲିରେ ମିଶାଇ ପ୍ରୟୋଗ କରନ୍ତୁ **କିମ୍ବା** କ୍ଲୋରାନ୍‌ଟ୍ରାନିଲିପ୍ରୋଲ ୧୮.୫ ଏସ୍.ସି. ୬୦ ମି.ଲି. ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।
- ଯଦି ବକାନି ରୋଗ ଦେଖାଯାଏ ତେବେ କାର୍ବାଣ୍ଡେଜିମ୍ ୫୦ ଡବ୍ଲ୍ୟୁ.ପି ୧ ଗ୍ରା. ୧ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ , ୭ ରୁ ୧୦ ଦିନ ବ୍ୟବଧାନରେ ଦ୍ଵିତୀୟ ବାର ପ୍ରୟୋଗ କରନ୍ତୁ ।

## ରୁଆ ସରିଯାଇଥିବା ଧାନବିଲରେ

- ସକ୍ରିୟ ପିଲ ଅବସ୍ଥାରେ (ତଳି ରୁଆର ୨୦ ରୁ ୨୫ ଦିନ ପରେ) ଏକର ପ୍ରତି ୩୫ କି.ଗ୍ରା. ୟୁରିଆ ପ୍ରଥମ ମୂଳସାର ଭାବରେ ପ୍ରୟୋଗ କରନ୍ତୁ ।
- ଋଷୀ ଯଦି କୌଣସି ଘାସ ନିୟନ୍ତ୍ରଣ ଔଷଧ ବ୍ୟବହାର କରିନାହାନ୍ତି ତେବେ ପେନୋକ୍ସୁଲମ୍ ୧.୦୨% + ସାଇହାଲୋ-ବ୍ୟୁଟାଇଲ୍ ୫.୧%( ଭିଭାୟା) ୮୦୦ ମି.ଲି. ପ୍ରତି ଏକର ୧୫ ରୁ ୨୦ ଦିନ ପରେ ସିଞ୍ଚନ କରନ୍ତୁ କିମ୍ବା ୨୦ ରୁ ୨୫ ଦିନ ପରେ ହାତରେ ଘାସ ବାଛି ଦିଅନ୍ତୁ ।
- କାଣ୍ଡବିନ୍ଧା ପୋକର ନିରୀକ୍ଷଣ ଜାରି ରଖନ୍ତୁ ଯେତେବେଳେ ପୁରୁଷ ପ୍ରଜାପତିର ସଂଖ୍ୟା ଗୋଟିଏ ଦିନରେ ଯନ୍ତା ପ୍ରତି ୪ ରୁ ୫ ଟି ହୋଇଯିବ, ତେବେ ଏକର ପିଛା ନିମ୍ବ ମଞ୍ଜିରୁ ତିଆରି ଔଷଧ ଯଥା ଆଜାଡିରାକ୍ଟିନ୍ ୦.୧୫% ୮୦୦ ମି.ଲି. ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ **କିମ୍ବା** ଏକର ପିଛା କ୍ଲୋରାନ୍‌ଟ୍ରାନିଲିପ୍ରୋଲ୍ ୪% ଜି.ଆର୍ ୪ କି.ଗ୍ରା.କୁ ୪ କି.ଗ୍ରା. ବାଲି ସହିତ ସମାନ ଭାବରେ ମିଶାଇ ପ୍ରୟୋଗ କରନ୍ତୁ **କିମ୍ବା** କ୍ଲୋରାନ୍‌ଟ୍ରାନିଲିପ୍ରୋଲ୍ ୧୮.୫% ଏସ୍.ସି ୬୦ ମି.ଲି. ଏକର ପିଛା ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ **କିମ୍ବା** ଏକର ପିଛା କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ୍ ୪ ଜି. ୧୦ କି.ଗ୍ରା ବ୍ୟବହାର କରନ୍ତୁ ।

## (୨.୨) କାଦୁଅ ବୁଣା ଧାନ

- ପ୍ରାଥମିକ ଅବସ୍ଥାରେ ଧାନ ଗଛର ସଠିକ୍ ବୃଦ୍ଧି ପାଇଁ ଜମିରେ ପତଳା ପାଣି ସ୍ତର ରଖନ୍ତୁ ।
- ଘାସ ନିୟନ୍ତ୍ରଣ ପାଇଁ ବେନ୍‌ସଲଫ୍ୟୁରାନ୍-ମିଥାଇଲ୍ ସହିତ ପ୍ରିଟିଲାକ୍ଲୋର (ଲୋଣ୍ଡାକ୍ସ ପାଓ୍ଵାର/ଇରେଜ ଷ୍ଟ୍ରଙ୍ଗ) ଦାନାଦାର ଏକରକୁ ୪ କି.ଗ୍ରା. ହିସାବରେ ସମାନ ପରିମାଣର ବାଲି ସହିତ ମିଶାଇ ଧାନ ବୁଣିବାର ୫-୧୦ ଦିନରେ ପ୍ରୟୋଗ କରନ୍ତୁ **କିମ୍ବା** ଧାନ ବୁଣିବାର ୧୦ ରୁ ୧୨ ଦିନ ରେ ନତୁବା ୨ ରୁ ୩ ପତ୍ର ଘାସ ଥିବା ଅବସ୍ଥାରେ ବିସ୍‌ପାଇରିବାକ୍ ସୋଡିୟମ୍ (ନୋମିନି ଗୋଲ୍ଡ) ୧୨୦ ମି.ଲି. ୧୪୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।
- ଏକର ପ୍ରତି ୨୬ କି.ଗ୍ରା. ୟୁରିଆ ପିଲ ବାହାରିବା ସମୟରେ ପ୍ରୟୋଗ କରନ୍ତୁ ।
- କାଣ୍ଡବିନ୍ଧା ପୋକ ନିରୀକ୍ଷଣ ପାଇଁ ଏକର ପିଛା ୩ଟି ହିସାବରେ ଯୌନ ସମ୍ବେଦନଶୀଳ ଯନ୍ତା ରଖନ୍ତୁ । ଯେତେବେଳେ ପୁରୁଷ ପ୍ରଜାପତିର ସଂଖ୍ୟା ଗୋଟିଏ ଦିନରେ ଯନ୍ତା ପ୍ରତି ୪ ରୁ ୫ ଟି ହୋଇଯିବ, ତେବେ ଏକର ପିଛା ନିମ୍ବମଞ୍ଜିରୁ ତିଆରି ଔଷଧ ଯଥା ଆଜାଡିରାକ୍ଟିନ୍ ୦.୧୫% କୁ ୮୦୦ ମି.ଲି. **କିମ୍ବା** ଏକର ପିଛା କ୍ଲୋରାନ୍ ଟ୍ରାନିଲିପ୍ରୋଲ୍ ୪% ଜି.ଆର୍. ୪ କି.ଗ୍ରା. **କିମ୍ବା** କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ୍ ୪ ଜି. ୧୦ କି.ଗ୍ରା.କୁ **୧:୧** ବା ସମାନ ପରିମାଣର ବାଲି

ସହିତ ମିଶାଇ ପ୍ରୟୋଗ କରନ୍ତୁ **କିମ୍ବା** କ୍ଲୋରାନ୍ ଟ୍ରାନିଲିପ୍ରୋଲ ୧୮.୫% ଏସ୍.ସି. ୬୦ ମି.ଲି. ଏକର ପିଛା ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

- ଯଦି ବକାନି ରୋଗ ଦେଖାଯାଏ ତେବେ କାର୍ବାଣ୍ଡେଜିମ୍ ୫୦ ଡବ୍ଲ୍ୟୁ.ପି ୧ ଗ୍ରା. ୧ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ , ୭ ରୁ ୧୦ ଦିନ ବ୍ୟବଧାନରେ ଦ୍ୱିତୀୟ ବାର ପ୍ରୟୋଗ କରନ୍ତୁ ।
- ଯଦି ମହିଷା ରୋଗ ଦେଖାଯାଏ ତେବେ ୧ ଲିଟର ପାଣିରେ କାର୍ବାଣ୍ଡେଜିମ୍ ୫୦ ଡବ୍ଲ୍ୟୁ.ପି ୨ ଗ୍ରାମ୍ **କିମ୍ବା** ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫% + ଟେବୁକୋନାଜୋଲ ୫୦% ୦.୪ ଗ୍ରାମ୍ ଏକ ଲିଟର ପାଣି ହିସାବରେ ମିଶାଇ ସିଞ୍ଚନ କରନ୍ତୁ । ଏକର ପ୍ରତି ୨୦୦ ଲିଟର ଦ୍ରବଣ ଆବଶ୍ୟକ ହୋଇଥାଏ ।

******